ପ୍ରେସ୍ ନୋଟ୍

## ଆଜି ଅନୁଗୋଳରୁ ୫ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୨୩୩ ରେ ।

ଅନୁଗୋଳ,୨୨.୦୭ :- ଆଜି ଅନୁଗୋଳ ଜିଲ୍ଲାରୁ ୫ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୩ ଜଣ ଓ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ ପଜିଟିଭ ଚିହ୍ନଟ ହୋଇଛନ୍ତି । ଆଜି ଅନୁଗୋଳ ପୌରାଞ୍ଚଳରୁ ୨ ଜଣ ମହିଳା ଓ ଜଣେ ପୁରୁଷଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ଓ୍ୱାର୍ଡରେ ଆଣ୍ଟିଜେନ୍ ଟେଷ୍ଟ କରାଯାଇ ପଜିଟିଭ ହୋଇଥିବାର ଜଣାପଡିଛି । ଏହି ୩ ଜଣଙ୍କ ମଧ୍ୟରେ ଜଣେ ୫୫ ବର୍ଷ ବୟସ୍କ ପୁରୁଷ ଓ ଜଣେ ୫୨ ବର୍ଷୀୟା ମହିଳା ଗୋଟିଏ ପରିବାରର ସ୍ୱାମୀ ସ୍ତ୍ରୀ ହୋଇଥିବାବେଳେ ଆଉ ଜଣେ ୫୦ ବର୍ଷ ମହିଳା ଅନ୍ୟ ଏକ ପରିବାରର ଯେଉଁମାନେ କି ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଛନ୍ତି । ସେହିପରି ଛେଣ୍ଡିପଦା ବ୍ଲକ୍ ଅଂଚଳର ଏକ ଅସ୍ଥାୟୀ ମେଡିକାଲ ଶିବିରରୁ ଜଣେ ୨୬ ବର୍ଷିୟ ଆନ୍ଧ୍ରପ୍ରଦେଶ ଫେରନ୍ତା ପୁରୁଷ ଓ ଏହି ବ୍ଲକ୍ ଅଂଚଳର ଏକ ଗ୍ରାମରୁ ଜଣେ ୧୪ ବର୍ଷିୟା ବାଳିକା ଯିଏକି ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଏହି ୫ ଜଣଙ୍କୁ ମିଶାଇ ଜିଲ୍ଲାରେ ଆକ୍ରାନ୍ତଙ୍କ ସଂଖ୍ୟା ୨୩୩ ରେ ପହଂଚିଲା । ଆକ୍ରାନ୍ତମାନଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଏହା ମଧ୍ୟରେ କୋଭିଡ ହସପିଟାଲରୁ ୪ ଜଣ ସୁସ୍ଥ ହୋଇ କୋଭିଡ କେୟାର ସେଣ୍ଟରକୁ ନିରୀକ୍ଷଣ ନିମନ୍ତେ ଯାଇଛନ୍ତି । ଏଥି ସହିତ ପୂର୍ବରୁ ସୁସ୍ଥ ହୋଇଥିବା ୧୩୪କୁ ମିଶାଇ ସମୁଦାୟ ସୁସ୍ଥଙ୍କ ସଂଖ୍ୟା ୧୩୮ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୭୯ ତା.୨୨.୭.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୨୨/୭/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।